# ରେଙ୍ଗାଲି ତହସିଲଦାରଙ୍କ ଅଦାଲତ, ରେଙ୍ଗାଲି

ବିବିଧ (Misc.) ମୋକଦ୍ଦମା ସଂଖ୍ୟା ୨୧୦/୨୦୨୪

## ସର୍ବସାଧାରଣ ଇସ୍ତାହାର

ପ୍ରୋସେସ ସଂଖ୍ୟା. 1081 ତାରିଖ: 15.07.2025

ଏତଦ୍ ଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ ମୌଜା – ରେଙ୍ଗାଲି ଅନ୍ତର୍ଗତ ନିମ୍ନ ସୂଚୀତ ସରକାରୀ ଜମିକୁ ଅଧ୍ୟକ୍ଷ ତଥା ସମ୍ପାଦକ, ସୁରଜମଲ ମହାବିଦ୍ୟାଳୟ, ରମ୍ଭେଲା ଦଖଲରେ ଥିବା ସରକାରୀ ଜମି ର ନିୟମିତିକରଣ ନିମନ୍ତେ ଅତ୍ର କାର୍ଯ୍ୟାଳୟରେ ଦରଖାସ୍ତ ଦାଖଲ କରିଛନ୍ତି । ଆବେଦନ କରାଯାଇଥିବା ନିମ୍ନ ତଫସିଲ ଭୁକ୍ତ ଜମି ସରକାରୀ ଆବାଦ ଯୋଗ୍ୟ ଅନାବାଦି ଖାତାରେ ମାଳ ସାଧାରଣ କିସମରେ ରେକର୍ଡ ଥାଇ ମନ୍ତବ୍ୟ ଖାନାରେ "ସାବକ କିସମ ଗୋଚର, ବେଆଇନ ଦଖଲ ତିଜତ, ଭଏଁସା ମୁତାବକ ନମ୍ବର 3439" ଥିବାରୁ ଉକ୍ତ ଜମିକୁ ଆବେଦନକାରୀଙ୍କ ନାମରେ ହସ୍ତାନ୍ତର କରିବା ପାଇଁ କିସମ ପରିବର୍ତ୍ତନ ତଥା ମନ୍ତବ୍ୟ ଖାନାକୁ ଖାରଜ କରିବା ଆବଶ୍ୟକ ପଡୁଅଛି ଓ ତଦନୁଯାଇ ପଦକ୍ଷେପ ନିଆ ଯିବ ।

ଏଥିରେ ଯଦି କୌଣସି ବ୍ୟକ୍ତି ବିଶେଷଙ୍କର କିଛି ଆପତ୍ତି ଅଭିଯୋଗ ଥାଏ ତାହାହେଲେ ଏହି ନୋଟିସ ପ୍ରକାଶନର ୧୫ (ପନ୍ଦର)ଦିନ ଭିତରେ ନିମ୍ନ ସ୍ୱାକ୍ଷରକାରୀଙ୍କ କାର୍ଯ୍ୟାଳୟରେ ଲିଖିତ ଆକାରରେ ଟ. ୨୦/- କୋର୍ଟ ଫି ସହିତ ଅଭିଯୋଗ ଦେବାପାଇଁ ଅନୁରୋଧ କରାଯାଉଅଛି । ମିଆଦ ଗତେ କୌଣସି ଦାବୀ ବା ଅଭିଯୋଗ ଗ୍ରହଣୀୟ ହେବନାହିଁ ।

### ତଫସିଲ ଭୁକ୍ତ ଜମି

| ମୌଜା | ଖାତା ନମ୍ବର | ପ୍ଲଟ ନମ୍ବର | ପ୍ରସ୍ତାବିତ ରକବା | କିସମ | ମନ୍ତବ୍ୟ |
|---|---|---|---|---|---|
| ରେଙ୍ଗାଲି | ୫୦୨ (ଆବାଦ ଯୋଗ୍ୟ ଅନାବାଦି) | ୩୪୯୦ ରୁ | ୧.୧୫ | ମାଳ ସାଧାରଣ | "ସାବକ କିସମ ଗୋଚର, ବେଆଇନ ଦଖଲ ତିଜତ, ଭଏଁସା ମୁତାବକ ନମ୍ବର |
| ମୋଟ | ୧ ଖାତା | ୧ ପ୍ଲଟ | ୧.୧୫ | | |

ତହସିଲଦାର,ରେଙ୍ଗାଲି
ତହସିଲଦାର
ରେଙ୍ଗାଲି,ସମ୍ବଲପୁର

ଜ୍ଞାପକ ସଂଖ୍ୟା 1082 ତା: 15.07.2025

ଏହାର ଏକ କିତା ନକଲ ସଂପୃକ୍ତ ଗ୍ରାମର ମଧ୍ୟସ୍ଥଳିରେ ଜାରିକରିବା ପାଇଁ ଓ ରାଜସ୍ୱ ନିରୀକ୍ଷକ ରେଙ୍ଗାଲିଙ୍କ କାର୍ଯ୍ୟାଳୟ / ଗ୍ରାମ ପଞ୍ଚାୟତ ରେଙ୍ଗାଲି ଏବଂ ତହସିଲ କାର୍ଯ୍ୟାଳୟର ନୋଟିସ ବୋର୍ଡରେ ବହୁଳ ପ୍ରସାର ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ଇ-ଗଭର୍ଣ୍ଣନ୍ସ ପରିଚାଳକ, ସମ୍ବଲପୁରଙ୍କ ଅବଗତି ତଥା ବିହିତ କାର୍ଯ୍ୟାନୁଷ୍ଠାନ ଏବଂ ଏହାର ବହୁଳ ପ୍ରସାର ନିମନ୍ତେ ପ୍ରେରଣା କରାଗଲା । ଉପରୋକ୍ତ ସର୍ବସାଧାରଣ ଇସ୍ତାହାର କୁ ସମ୍ବଲପୁର ଜିଲ୍ଲା ୱେବସାଇଟରେ ପ୍ରକାଶନ କରିବା ନିମନ୍ତେ ଅନୁରୋଧ ।

ତହସିଲଦାର,ରେଙ୍ଗାଲି
ତହସିଲଦାର
ରେଙ୍ଗାଲି,ସମ୍ବଲପୁର